ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କ କାର୍ଯ୍ୟାଳୟ

# ପ୍ରେସ୍ ବିବରଣୀ

**ତା-୧୮.୦୫.୨୦୨୦ରିଖ, ଅପରାହ୍ନ ୬.୩୦**

ଭାରତୀୟ ପାଣିପାଗ ବିଭାଗ ଦ୍ୱାରା ଆଜି ତା. ୧୮.୦୫.୨୦୨୦ରିଖ ଅପରାହ୍ନ ୫.୩୦ ଘଟିକାରେ ଦିଆଯାଇଥିବା ତଥ୍ୟ ଅନୁଯାୟୀ ଦକ୍ଷିଣ-ପୂର୍ବ ବଙ୍ଗୋପସାଗର ଉପରେ ସୃଷ୍ଟ ଅତି ଭୟଙ୍କର ସାମୁଦ୍ରିକ ଝଡ 'ଉମ୍-ପୁନ୍' (ଅମ୍ଫାନ୍) ଅପରାହ୍ନ ୨.୦୦ ଟା ସୁଦ୍ଧା ପାରାଦ୍ୱୀପର ଦକ୍ଷିଣକୁ ୭୩୦ କି.ମି. ଦୂରରେ ରହିଅଛି। ଏହା ଅଧିକ ଘନୀଭୂତ ହୋଇ ସମୁଦ୍ର ମଧ୍ୟରେ ମହାବାତ୍ୟା ରୂପ ନେବ। ଏହା ପରବର୍ତ୍ତୀ ସମୟରେ କିଛି ସମୟ ପାଇଁ ଉତ୍ତର ଦିଗକୁ ଗତିକରିବ। ପରେ ଉତ୍ତର-ଉତ୍ତର ପୂର୍ବକୁ ଗତି କରି ଉତ୍ତର-ପଶ୍ଚିମ ବଙ୍ଗୋପସାଗର ମଧ୍ୟଦେଇ ୨୦ ମଇ ଅପରାହ୍ନ / ସନ୍ଧ୍ୟା ସୁଦ୍ଧା ଏହା ଅତି ଭୟଙ୍କର ବାତ୍ୟା ରୂପ ନେଇ ଦୀଘା (ପଶ୍ଚିମବଙ୍ଗ) ଓ ସୁନ୍ଦରବନ ନିକଟବର୍ତ୍ତୀ ହାତିଆ ଦ୍ୱୀପ (ବାଂଲାଦେଶ) ମଧ୍ୟ ଦେଇ ଅତିକ୍ରମ କରିବ। ଏହି ସମୟରେ ଏହାର ବେଗ ଘଣ୍ଟାପ୍ରତି ୧୬୫-୧୭୫ କି.ମି. ରହିବ। ମଝିରେ ମଝିରେ ପବନର ତୀବ୍ରତା ଘଣ୍ଟାପ୍ରତି ୧୮୫ କି.ମି. ହୋଇପାରେ।

**ବୃଷ୍ଟିପାତ:**

ଆଜି ସନ୍ଧ୍ୟାରୁ ଓଡ଼ିଶାର ଉପକୂଳବର୍ତ୍ତୀ ଅଞ୍ଚଳର ଅଧିକାଂଶ ସ୍ଥାନରେ ସ୍ୱଳ୍ପରୁ ମଧ୍ୟମ ଧରଣର ବୃଷ୍ଟିପାତ ହେବ। ବିଶେଷ ଭାବେ ଉପକୂଳ ଓଡ଼ିଶାର ଗଜପତି, ଗଞ୍ଜାମ, ପୁରୀ, ଜଗତସିଂହପୁର ଏବଂ କେନ୍ଦ୍ରାପଡା ଜିଲ୍ଲାରେ ସ୍ଥାନେ ସ୍ଥାନେ ପ୍ରବଳ ବର୍ଷା ହେବ। ଓଡ଼ିଶାର ଉତ୍ତର ଉପକୂଳ ଅଂଚଳର ଜଗତସିଂହପୁର, କେନ୍ଦ୍ରାପଡା, ଯାଜପୁର, ବାଲେଶ୍ୱର, ଭଦ୍ରକ ଓ ମୟୁରଭଞ୍ଜ ଜିଲ୍ଲାରେ କେତେକ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବ। ୧୯ ତାରିଖରେ ଖୋର୍ଦ୍ଧା ଓ ପୁରୀ ଜିଲ୍ଲାର ସ୍ଥାନେ ସ୍ଥାନେ ପ୍ରବଳ ବର୍ଷା ହେବ। ୨୦ ତାରିଖରେ ଉତ୍ତର ଓଡ଼ିଶାର ଭଦ୍ରକ, ବାଲେଶ୍ୱର, ମୟୁରଭଞ୍ଜ, ଯାଜପୁର, କେନ୍ଦ୍ରାପଡା ଓ କେଉଁଝର ଜିଲ୍ଲାର ସ୍ଥାନେ ସ୍ଥାନେ ପ୍ରବଳ ବର୍ଷା ହେବାର ପୂର୍ବାନୁମାନ କରାଯାଇଛି।

**ପବନ ସତର୍କତା:**

୧୮ମଇ ତାରିଖ ସନ୍ଧ୍ୟା ଠାରୁ ଦକ୍ଷିଣ-ଓଡ଼ିଶା ଉପକୂଳରେ ପବନର ବେଗ ଘଣ୍ଟା ପ୍ରତି ୪୫-୫୫ କି.ମି. ରହିବ ଏବଂ ସ୍ଥଳବିଶେଷରେ ପବନର ବେଗ ବୃଦ୍ଧି ପାଇ ଘଣ୍ଟା ପ୍ରତି ୬୫ କି.ମି. ହୋଇପାରେ ଏବଂ ଏହା ୧୯ ତାରିଖରେ ମଧ୍ୟ ଉତ୍ତର-ଓଡ଼ିଶା ଉପକୂଳରେ ଘଣ୍ଟା ପ୍ରତି ୫୫-୬୫ କି.ମି. ପବନ ବହିବ। ସ୍ଥଳବିଶେଷରେ ପବନର ତୀବ୍ରତା ଘଣ୍ଟା ପ୍ରତି ୭୫ କି.ମି. ହୋଇପାରେ। ୨୦ ମଇ ସକାଳ ସୁଦ୍ଧା ପବନର ବେଗ କ୍ରମଶଃ ବୃଦ୍ଧିପାଇ ବତାସ ରୂପ ନେଇ ଉତ୍ତର-ଓଡ଼ିଶା ଉପକୂଳର ଜଗତ୍‌ସିଂହପୁର, କେନ୍ଦ୍ରାପଡା, ଭଦ୍ରକ, ବାଲେଶ୍ୱର ଓ ମୟୁରଭଞ୍ଜ ଜିଲ୍ଲାରେ ଘଣ୍ଟା ପ୍ରତି ୭୫-୮୫ କି.ମି. ରହିବ ଏବଂ ଏହାର କ୍ଷୀପ୍ରତା ଘଣ୍ଟା ପ୍ରତି ୯୫ କି.ମି. ହେବାର ଅନୁମାନ କରାଯାଇଛି। ପରବର୍ତ୍ତୀ ସମୟରେ ପବନର ବେଗ ବୃଦ୍ଧି ପାଇ ଉତ୍ତର ଓଡ଼ିଶା ଉପକୂଳରେ ଘଣ୍ଟାପ୍ରତି ୧୧୦ ରୁ ୧୨୦ କି.ମି. ରହିବା ସହ ମଝିରେ ମଝିରେ ପବନର ତୀବ୍ରତା ଘଣ୍ଟାପ୍ରତି ୧୩୫ କି.ମି. ହୋଇପାରେ।

୨୦ ତାରିଖରେ ପୁରୀ, ଖୋର୍ଦ୍ଧା, କଟକ, ଯାଜପୁର ଜିଲ୍ଲାରେ ପବନର ବେଗ ଘଣ୍ଟା ପ୍ରତି ୫୫-୬୫ କି.ମି. ହୋଇ ପରେ ଏହାର ବେଗ ସର୍ବାଧିକ ଘଣ୍ଟାପ୍ରତି ୭୫ କି.ମି. ରହିବ।

